ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୦୭ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୨୪୭୨୦ରେ ପହଞ୍ଚିଲା - ସୁସ୍ଥ ହେଲେ ୫୫୨ ଜଣ ।

ଅନୁଗୋଳ, ତା.୧୭.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୫୦୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୩୧ଜଣ (୮୧ଜଣ ପୁରୁଷ ଓ ୫୦ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫୭ଜଣ (୩୫ଜଣ ପୁରୁଷ ଓ ୨୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫୫ଜଣ ( ୩୮ଜଣ ପୁରୁଷ ଓ ୧୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫୩ଜଣ ( ୩୩ଜଣ ପୁରୁଷ ଓ ୨୦ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୧ଜଣ (୨୭ ଜଣ ପୁରୁଷ ,୨୨ଜଣ ମହିଳା ଓ ୨ଜଣ କିନ୍ନର), କଣିହାଁ ବ୍ଲକ୍ ଅଂଚଳରୁ ୪୭ଜଣ ( ୨୭ଜଣ ପୁରୁଷ ଓ ୨୦ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪୩ଜଣ ( ୨୮ଜଣ ପୁରୁଷ ଓ ୧୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୧ଜଣ ( ୧୨ଜଣ ପୁରୁଷ ଓ ୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୬ଜଣ ପୁରୁଷ ଓ ୫ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୭ଜଣ ( ୧୧ଜଣ ପୁରୁଷ ଓ ୬ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୧ଜଣ ( ୫ଜଣ ପୁରୁଷ ଓ ୬ଜଣ ମହିଳା) ଅଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩୦ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୭୧୩ ରେ ପହଂଚିଛି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୩ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୫୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୬୪ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୯ ତା.୧୭.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ସ୍ୱା/- ଦୁଃଖବନ୍ଧୁ ମାଝି

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ